ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୫୪ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୯୦୬୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୨୬ ଜଣ ।

ଅନୁଗୋଳ, ତା,୦୨.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୫୪ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୪୭ ରେ ରହିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୧୪ଜଣ (୫ ଜଣ ପୁରୁଷ ଓ୯ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୮ ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ଜଣ ( ୫ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ (୧ ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨ଜଣ ( ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୨୬ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୨ଜଣ କୋଭିଡ ହସପିଟାଲରୁ , ୧ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୧୩ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୧୪ ତା.୦୨.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(signature) 2/11/20

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ